ପ୍ରେସ୍ ନୋଟ୍

## ଆଜି ଅନୁଗୋଳ ଜିଲ୍ଲାରୁ ୯୧ଜଣ କରୋନା ପଜିଟିଭ ଚିହ୍ନଟ -

### ପଜିଟିଭ ସଂଖ୍ୟା ୯୫୫୯ ରେ ପହଞ୍ଚିଲା - ସୁସ୍ଥ ହେଲେ ୧୧୧ ଜଣ ।

ଅନୁଗୋଳ, ତା,୦୭.୧୧:- ଆଜି ଅନୁଗୋଳ ଜିଲ୍ଲାରୁ ଗୋଟିଏ ଦିନରେ ୯୧ ଜଣ ନୂଆ କରୋନା ପଜିଟିଭ ଚିହ୍ନଟ ହୋଇଛନ୍ତି । ସେହିପରି ଅନ୍ୟ ଜିଲ୍ଲାରୁ ଅନୁଗୋଳରେ ଆଜି (ସ୍ୱାବ ନମୁନା ଦେଇଥିବା ବ୍ୟକ୍ତି) କେହି ଆକ୍ରାନ୍ତ ଚିହ୍ନଟ ହୋଇ ନଥିବାରୁ ଆକ୍ରାନ୍ତଙ୍କ ସଂଖ୍ୟା ୧୫୫ ରେ ରହିଛି । ଅନୁଗୋଳ ଜିଲ୍ଲା ମଧ୍ୟରୁ ଚିହ୍ନଟ ହୋଇଥିବା ଆକ୍ରାନ୍ତମାନଙ୍କ ମଧ୍ୟରେ ତାଳଚେର ବ୍ଲକ୍ ଅଂଚଳରୁ ସର୍ବାଧିକ୨୪ଜଣ ( ୧୨ଜଣ ପୁରୁଷ ଓ ୧୨ଜଣ ମହିଳା), ବଅଁରପାଳ ବ୍ଲକ୍ ଅଂଚଳରୁ ୧୮ଜଣ (୧୧ ଜଣ ପୁରୁଷ ଓ ୭ଜଣ ମହିଳା), ଅନୁଗୋଳ ପୌରାଞ୍ଚଳରୁ ୧୧ଜଣ (୭ ଜଣ ପୁରୁଷ ଓ ୪ଜଣ ମହିଳା), ପାଲଲହଡା ବ୍ଲକ୍ ଅଂଚଳରୁ ୧୦ଜଣ ( ୮ଜଣ ପୁରୁଷ ଓ ୨ ଜଣ ମହିଳା), କଣିହାଁ ବ୍ଲକ୍ ଅଂଚଳରୁ ୧୦ଜଣ ( ୮ଜଣ ପୁରୁଷ ଓ ୨ଜଣ ମହିଳା), ଛେଣ୍ଡିପଦା ବ୍ଲକ୍ ଅଂଚଳରୁ ୮ ଜଣ ( ୬ଜଣ ପୁରୁଷ ଓ ୨ଜଣ ମହିଳା), ଅନୁଗୋଳ ବ୍ଲକ୍ ଅଂଚଳରୁ ୫ଜଣ ( ୨ଜଣ ପୁରୁଷ ଓ ୩ଜଣ ମହିଳା), କିଶୋରନଗର ବ୍ଲକ୍ ଅଂଚଳରୁ ୨ଜଣ ( ୨ଜଣ ପୁରୁଷ ), ତାଳଚେର ପୌରାଞ୍ଚଳରୁ ୧ଜଣ ( ୧ଜଣ ପୁରୁଷ ), ଆଠମଲ୍ଲିକ ବିଜ୍ଞାପିତ ଅଂଚଳ ପରିଷଦରୁ ୧ଜଣ (୧ଜଣ ମହିଳା) ଓ ଆଠମଲ୍ଲିକ ବ୍ଲକ୍ ଅଂଚଳରୁ ୧ଜଣ ( ୧ଜଣ ପୁରୁଷ) ଅଛନ୍ତି । ସମସ୍ତେ ଅନ୍ୟ ଆକ୍ରାନ୍ତଙ୍କ ସଂସ୍ପର୍ଶରେ ଆସି ପଜିଟିଭ ହୋଇଥିବାର ଜଣାପଡିଛି । ସମସ୍ତ ଲକ୍ଷଣଯୁକ୍ତ ଆକ୍ରାନ୍ତମାନଙ୍କୁ କୋଭିଡ ହସପିଟାଲକୁ ଚିକିତ୍ସା ନିମନ୍ତେ ସ୍ଥାନାନ୍ତର କରାଯାଉଥିବା ବେଳେ ସ୍ୱଳ୍ପ ଲକ୍ଷଣଯୁକ୍ତ ଓ ଲକ୍ଷଣ ବିହିନ ଆକ୍ରାନ୍ତମାନଙ୍କୁ ନିଜ ଘରେ Isolation ରେ ରଖାଯାଇ ନିରିକ୍ଷଣ କରାଯାଉଛି ବୋଲି ଜିଲ୍ଲାପାଳ ଶ୍ରୀ ସିଦ୍ଧାର୍ଥ ଶଙ୍କର ସ୍ୱାଇଁ ପ୍ରକାଶ କରିଛନ୍ତି । ଆଜି ଅନୁଗୋଳ ଜିଲ୍ଲାରୁ ୧୧୧ ଜଣ ସୁସ୍ଥ ହୋଇଛନ୍ତି । ସେମାନଙ୍କ ମଧ୍ୟରେ ୦୯ଜଣ କୋଭିଡ ହସପିଟାଲରୁ ଓ ୧୦୨ ଜଣ ହୋମ Isolation ରୁ ସୁସ୍ଥ ହୋଇଛନ୍ତି ।

**ଜିଲ୍ଲା ସୂଚନା ଓ ଲୋକ ସମ୍ପର୍କ କାର୍ଯ୍ୟାଳୟ, ଅନୁଗୋଳ ।**

ଜ୍ଞାପକ ସଂଖ୍ୟା. ୭୩୦ ତା.୦୭.୧୧.୨୦୨୦ ।

ଏହାର ଏକକିତା ନକଲ ସମସ୍ତ ଜିଲ୍ଲା ସ୍ତରୀୟ ସାମ୍ବାଦିକଙ୍କ ସଦୟ ଅବଗତି ଓ ଏହାର ପ୍ରକାଶନ ନିମନ୍ତେ ପ୍ରେରଣ କରାଗଲା ।

ଜିଲ୍ଲା ସୂଚନା ଓ ଲୋକ ସମ୍ପର୍କ ଅଧିକାରୀ, ଅନୁଗୋଳ